# ଆଜି ଅନୁଗୋଳ ଜିଲ୍ଲାରୁ ୫୯ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୨୮୯୦ରେ ପହଞ୍ଚିଲା - ସୁସ୍ଥ ହେଲେ୮୬ ଜଣ ।

ଅନୁଗୋଳ, ତା.୨୮.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୫୯ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଲ ବ୍ଲକ୍ ଅଂଚଳରୁ ୧୧ଜଣ (୬ ଜଣ ପୁରୁଷ ଓ୫ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ (୬ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ୨ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୨୪୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୩ ଲକ୍ଷ ୭୨ହଜାର ୯୯୯ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୪୩୧ ତା.୨୮.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ